# ଗ୍ରାମୀଣ କୃଷି ମୌସମ ସେବା

## ଭାରତୀୟ ପାଣିପାଗ ବିଭାଗ

ଓଡିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ, ଭୁବନେଶ୍ବର – ୭୫୧୦୦୩

Dr. T. R. Mohanty
Nodal Officer

**ସପ୍ତାହ –୪୮**

ନ.- ୧୨୦୩ (ଓଡିଆ ବୁଲେଟିନ)
ତାରିଖ- ୦୨ .୧୨ .୨୦୨୫

(ସୌଜନ୍ୟ – ଓୟୁଏଟି ସ୍ଥିତ କୃଷି ପାଣିପାଗ ଉପବିଭାଗ ଓ ଓଡ଼ିଶା ସରକାରଙ୍କ କୃଷି ନିର୍ଦ୍ଦେଶାଳୟ, ପ୍ରାଣୀପାଳନ ଓ ପ୍ରାଣୀ ଚିକିତ୍ସା ନିର୍ଦ୍ଦେଶାଳୟ ଓ ମତ୍ସ୍ୟ ନିର୍ଦ୍ଦେଶାଳୟ)

## ଖୋର୍ଦ୍ଧା ଜିଲ୍ଲା (ପୂର୍ବ ଓ ଦକ୍ଷିଣ ପୂର୍ବ ଉପକୂଳବର୍ତୀ ସମତଳ ଅଞ୍ଚଳ)

| ଗତ ସପ୍ତାହର ପାଣିପାଗ ସମ୍ବନ୍ଧୀୟ ସୂଚନା (୨୬.୧୧.୨୦୨୫ ରୁ ୦୨.୧୨ .୨୦୨୫) | | |
|---|---|---|
| ସର୍ବାଧିକ ତାପମାତ୍ରା (ଡିଗ୍ରୀ ସେଲସିୟସ) | ସର୍ବନିମ୍ନ ତାପମାତ୍ରା (ଡିଗ୍ରୀ ସେଲସିୟସ) | ବୃଷ୍ଟିପାତ (ମି. ମି.) |
| 29.1 | 16.4 | Nil |

## ଭାରତୀୟ ପାଣିପାଗ ବିଭାଗ ଅନୁଯାୟୀ ଆଗାମୀ ୦୩ .୧୨ . ୨୦୨୫ ରୁ ୦୭ .୧୨ .୨୦୨୫ ତାରିଖ ପର୍ଯ୍ୟନ୍ତ ପାଣିପାଗ ସୂଚନା

| ପାଣିପାଗ କାରକ | ପ୍ରଥମ ଦିନ | ଦ୍ବିତୀୟ ଦିନ | ତୃତୀୟ ଦିନ | ଚତୁର୍ଥ ଦିନ | ପଞ୍ଚମ ଦିନ |
|---|---|---|---|---|---|
| ବୃଷ୍ଟିପାତ & ଆକାଶର ସ୍ଥିତି |  ପାଗ ଶୁଖିଲା ଓ ଆକାଶ ଆଂଶିକ ମେଘୁଆ |  ପାଗ ଶୁଖିଲା ଓ ଆକାଶ ଆଂଶିକ ମେଘୁଆ |  ପାଗ ଶୁଖିଲା ଓ ଆକାଶ ଆଂଶିକ ମେଘୁଆ |  ପାଗ ଶୁଖିଲା ଓ ଆକାଶ ଆଂଶିକ ମେଘୁଆ |  ପାଗ ଶୁଖିଲା ଓ ଆକାଶ ଆଂଶିକ ମେଘୁଆ |
| ସର୍ବାଧିକ ତାପମାତ୍ରା (°C) | 29 | 30 | 30 | 31 | 31 |
| ସର୍ବନିମ୍ନ ତାପମାତ୍ରା (°C) | 17 | 16 | 14 | 13 | 13 |
| ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା (%) | 78 | 78 | 66 | 59 | 60 |
| ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା (%) | 38 | 33 | 28 | 25 | 28 |
| ପବନର ବେଗ (କି.ମି./ଘ.) | 6 | 6 | 8 | 7 | 7 |
| ପବନର ଦିଗ | 336 | 346 | 343 | 354 | 342 |

ଭାରତୀୟ ପାଣିପାଗ କେନ୍ଦ୍ରର ପୂର୍ବାନୁମାନ ଅନୁଯାୟୀ, ଆଗାମୀ ପାଞ୍ଚ ଦିନ ପର୍ଯ୍ୟନ୍ତ ଖୋର୍ଦ୍ଧା ଜିଲ୍ଲାରେ ପାଗ ଶୁଖିଲା ରହିବାର ସମ୍ଭାବନା ରହିଅଛି । ଆଗାମୀ ୫ ଦିନ ପର୍ଯ୍ୟନ୍ତ ଆକାଶ ଆଂଶିକ ମେଘୁଆ ରହିବାର ସମ୍ଭାବନା ଥିବାବେଳେ ପବନର ବେଗ ହାରାହାରି ୦୬ ରୁ ୦୮ କି.ମି. ପ୍ରତି ଘଣ୍ଟା ପର୍ଯ୍ୟନ୍ତ ରହିବାର ସୂଚନା ରହିଛି । ସେହିପରି ଆଗାମୀ ୫ ଦିନ ପର୍ଯ୍ୟନ୍ତ ଦିନର ସର୍ବୋଚ୍ଚ ଓ ସର୍ବନିମ୍ନ ତାପମାତ୍ରା ୨୯ – ୩୧ ଡିଗ୍ରୀ ସେଲସିଅସ ଓ ୧୩ ରୁ ୧୭ ଡିଗ୍ରୀ ସେଲସିଅସ ମଧ୍ୟରେ ରହିବାର ସମ୍ଭାବନା ରହିଅଛି ।

## ବିଶେଷ କୃଷି ସୂଚନା

- ପାଣିପାଗ ବିଭାଗ, ଭୁବନେଶ୍ୱରର ପୂର୍ବାନୁମାନ ଅନୁସାରେ, ଆଗାମୀ ପାଞ୍ଚ ଦିନ ପର୍ଯ୍ୟନ୍ତ ଖୋର୍ଦ୍ଧା ଜିଲ୍ଲାରେ ପାଗ ଶୁଖିଲା ରହିବାର ସମ୍ଭାବନା ରହିଅଛି ।
- ଶୀତ ଦିନିଆ ପନିପରିବା ରୋଇବା କାର୍ଯ୍ୟ ସମାପ୍ତ କରନ୍ତୁ ।
- ଧାନ ଅମଳ କରି, ୩ ରୁ ୪ ଦିନ ଖରା ରେ ଶୁଖାଇ, ସୁରକ୍ଷିତ ସ୍ଥାନ ରେ ସାଇତି ରଖନ୍ତୁ ।
- କୋବି ଜାତୀୟ ଫସଲ ରେ ୭-୮ ଦିନ ବ୍ୟବଧାନ ରେ ଜଳସେଚନ କରନ୍ତୁ ।
- କମ ତାପମାତ୍ରା ଯୋଗୁଁ ରବି ଫସଲରେ ଶୋଷକ କୀଟ, ପତ୍ର ପୋଡା ଓ ପାଉଁଶିଆ ରୋଗ ଲାଗିବାର ସମ୍ଭାବନ ରହିଛି । ତେଣୁ ନିୟମିତ ଫସଲରେ ପୋକ ଏବଂ ରୋଗର ସର୍ବେକ୍ଷଣ କରନ୍ତୁ ଏବଂ ସେହି ଅନୁଯାୟୀ ଉପଯୁକ୍ତ ସୁରକ୍ଷା ପଦକ୍ଷେପ ନିଅନ୍ତୁ ।
- ବର୍ତମାନ ତାପମାତ୍ରା କମ ରହୁଥିବାରୁ, ପନିପରିବା ମଞ୍ଜି ଶୀଘ୍ର ଗଜା ହେବା ପାଇଁ, ତଳିଘେରା ରେ ପୋଲିଥିନ ଦ୍ୱାରା ଆଚ୍ଛାଦିକାରଣ ବ୍ୟବସ୍ଥା କରନ୍ତୁ ।
- ଆଖୁ ଫସଲ କୁ ଜମି ପତନ ଠାରୁ ଏକ ଇଞ୍ଚ ତଳକୁ, ଯେପରକି ମାଟି ଉପରକୁ ଖୁଣ୍ଟା ଦେଖାଯିବ ନାହିଁ ,ସେହିପରି କାଟିଲେ ମୂଳି ଆଖୁ ଭଲ ଗଜା ହୁଏ, ଗଛ ସଂଖ୍ୟା ଠିକ ରହେ ଓ ଅମଳ ଠିକ ମିଳେ ।
- ସକାଳ ଓ ସନ୍ଧ୍ୟା ସମୟରେ ରେ ଶୀତ ଦିନିଆ ପନିପରିବା ରେ ଜଳ ସେଚନ କରନ୍ତୁ ।
- ରବି ପନିପରିବା ରେ ଘାସ ବାଛି କୋଡା ଖୋସା କରନ୍ତୁ ।
- କୁକୁଡା ରଖିବା ଘରେ ଉତ୍ତାପ ବଜାୟ ରଖିବା ପାଇଁ ରୁମ ହିଟର କିମ୍ବା ୨୦୦ ୱାଟ ବଲ୍ ଲଗାନ୍ତୁ ।
- ଶୀତ ଋତୁ ରେ ଅଧିକ ଥଣ୍ଡା ସମୟ ରେ ଗାଇ ଗୁହାଳ ରେ ପୋଲିଥିନ କିମ୍ବା ଅଖା ଦ୍ୱାରା ଆଚ୍ଛାଦିକାରଣ ବ୍ୟବସ୍ଥା କରନ୍ତୁ ।

| ଫସଲ | ଅବସ୍ଥା | କୃଷି ପରାମର୍ଶ |
|---|---|---|
| ଧାନ | ଅମଳ ପରବର୍ତୀ ଅବସ୍ଥା | ❖ ସାଇତା କୀଟ-<br>ଧାନ ସାଇତି ରଖିଥିବା ବସ୍ତା କିମ୍ବା କୋଠୋରୀରେ  ପୋକ ଦେଖା ଦେଲେ ଆଲୁମିନିୟମ ଫସଫାଇଡ ଟାବଲେଟ ଏକ ଟନ ଧାନ ପିଛା ୩ ଟି (ସମୁଦାୟ ୯ ଗ୍ରାମ ଟାବଲେଟ ) କନା ରେ ଗୁଡାଇ ରଖନ୍ତୁ ।ଏହା ପରେ ଭଲ ଭାବରେ ତରପୋଲୀନ ଘୋଡାଇ ଦିଅନ୍ତୁ ଯେପରିକି କିଛି ଫାଙ୍କ ଜାଗା ନ ରୁହେ । ଯଦି କୋଠୋରୀ ର ସନ୍ଧି ଜାଗା କିମ୍ବା କବାଟ ଫାଙ୍କ ଜାଗା ଥାଏ ତେବେ କାଦୁଅ କିମ୍ବା ସେଲୋଟେପ ଦେଇ ଭଲ ଭାବରେ ବନ୍ଦ କରନ୍ତୁ, ଯେପରିକି ବାଷ୍ପ ବାହାରକୁ ନ ଆସେ । ଏହିପରି ୭ ରୁ ୧୦ ଦିନ ପର୍ଯ୍ୟନ୍ତ କୋଠୋରୀ ବସ୍ତା ମୁହଁ ଭଲ ଭାବରେ ବନ୍ଦ ରଖନ୍ତୁ । |
| ମୁଗ ଓ ବିରି | ଅଙ୍ଗୀୟ ବୃଦ୍ଧି ଅବସ୍ଥା | ❖ ମୁଗ ଓ  ବିରି ଫସଲ ରେ ପାଉଁଶିଆ ରୋଗ ଲାଗିବାର ସମ୍ଭାବନା ଅଛି । ଏହି ରୋଗ ର ନିୟନ୍ତ୍ରଣ କରିବା ପାଇଁ ଏକର ପ୍ରତି Sulphur 80% WP @ ୮୦୦ ଗ୍ରାମ କିମ୍ବା Hexaconazole ୫% E.C @ ୩୦୦ ମିଲି ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ଚିନାବାଦାମ | ଅଙ୍ଗୀୟ ବୃଦ୍ଧି ଅବସ୍ଥା | ❖ ପତ୍ର ସୁଡଙ୍ଗୀ ପୋକ<br>ଚିନାବାଦାମ ଫସଲ ରେ ପତ୍ର ସୁଡଙ୍ଗୀ ପୋକ ଲାଗିବାର ସମ୍ଭାବନା ଅଛି ।ଏହି ରୋଗ ର ନିୟନ୍ତ୍ରଣ କରିବା ପାଇଁ ଏକର ପ୍ରତି Profenophos ୫୦% EC @ ୪୦୦ ମିଲି କିମ୍ବା Chlorpyriphos ୫୦% + Cypermethrin ୫ % E.C @ ୪୦୦ ମିଲି, ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । |
| ଆଖୁ | ପାକଳ ଅବସ୍ଥା | ❖ ଆଖୁ ଫସଲକୁ ଜମି ପତନ ଠାରୁ ଏକ ଇଞ୍ଚ ତଳକୁ, ଯେପରକି ମାଟି ଉପରକୁଖୁଣ୍ଟା ଦେଖାଯିବ ନାହିଁ , ସେହିପରି କାଟିଲେ ମୂଳି ଆଖୁ ଭଲ ଗଜା ହୁଏ, ଗଛ ସଂଖ୍ୟା ଠିକ ରହେ ଓ ଅମଳ ଠିକ ମିଳେ । |
| ଆଳୁ | ଅଙ୍ଗୀୟ ବୃଦ୍ଧି ଅବସ୍ଥା | ❖ ଆଳୁ ଫସଲ ରେ କୋଡା ଖୁସା କରି ଘାସ ବାଛି ଦିଅନ୍ତୁ । ହୁଡା ଚଉଡା ଓ ମଜବୁତ ରଖନ୍ତୁ । ମାଟିର କିସମ ଓ ବତର ଦେଖି ସିଆର ରେ  ପ୍ରତି ୭ ରୁ ୮ ଦିନ ବ୍ୟବଧାନ ରେ ଜଳସେଚନ କରନ୍ତୁ ।ସିଆର ରେ ଜଳସେଚନ କରିବା ସମୟ ରେ ହୁଡା ର ୨/୩ ଅଂଶ ବୁଡିବା ପର୍ଯ୍ୟନ୍ତ ପାଣି ଦିଅନ୍ତୁ । |
| ବାଇଗଣ | ଅଙ୍ଗୀୟ ଅଭିବୃଦ୍ଧି – ଫଳ ଧରିବା ଅବସ୍ଥା | ❖ ପତ୍ର ଖିଆ ଓ ଫଳ ବିନ୍ଧା ପୋକ<br>ବାଇଗଣ ରେ ପତ୍ର ଖିଆ ଓ ଫଳ ବିନ୍ଧା ପୋକ ର ନିୟନ୍ତ୍ରଣ ପାଇଁ ଏକର ପ୍ରତି Emamectin benzoate @ ୮୦ ଗ୍ରାମ କିମ୍ବା Spinosad @ ୮୦ ମିଲି , ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । |

| | | |
|---|---|---|
| ବନ୍ଧା କୋବି ଓ ଫୁଲକୋବି | ଅଙ୍ଗୀୟ ଅଭିବୃଦ୍ଧି ଅବସ୍ଥା | ❖ ଠିକିରି ପିଠିଆ ପୋକ-<br>କୋବି ଫସଲରେ ଠିକିରି ପିଠିଆ ପୋକ ର ପରିଚାଳନା ପାଇଁ ଏକର ପ୍ରତି ୬ -୮ ଟି ଆଲୋକ ଯନ୍ତା ଲଗାନ୍ତୁ । ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୧ ଲିଟର ନିମ୍ବ ଆଧାରିତ କୀଟନାଶକ ୩୦୦ PPM Azadirachtin କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ରାସାୟନିକ ଉପାୟରେ ଏହି କୀଟ ର ପରିଚାଳନା ପାଇଁ ଏକର ପ୍ରତି ୪୦୦ ମିଲି Tolfenpyrad ନାମକ କୀଟନାଶକ କିମ୍ବା ୨୦ ଗ୍ରାମ Flubendiamide ନାମକ କୀଟନାଶକ କିମ୍ବା ୮୦ ଗ୍ରାମ Emamectin Benzoate ୫% SG ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । |
| କଦଳୀ | ଲଗାଇବା ଅବସ୍ଥା | ❖ ନଭେମ୍ବର ମାସ ହେଉଛି ବାମନ କଦଳୀ ଲଗାଇବାର ପ୍ରକୃଷ୍ଟ ସମୟ । କ୍ୟାଭେଣ୍ଡିସ ଓ ରୋବଷ୍ଟା ଆଦି କିସମ ୨ X ୨ ମିଟର ଦୂରତା ରେ ୦.୫ X ୦.୫ X ୦.୫ ମିଟର ଗାତ କରି ଲଗାନ୍ତୁ । ୩୦୦ ରୁ ୪୦୦ ଗ୍ରାମ ଓଜନ ର ରୋଗ ବିହୀନ ପୁଆ କିମ୍ବା ଟିସୁ କଲଚର ପୁଆ ଲଗାନ୍ତୁ । |
| ମତ୍ସ୍ୟ ସମ୍ପଦ | ❖ ଶୀତ ଋତୁ ରେ ମାଛ ମାନଙ୍କ ଦେହରେ କବକ, ବୀଜାଣୁ ଓ ପରଜୀବୀ ଜନିତ ରୋଗ ଦେଖା ଯାଇଥାଏ । ଏହି ରୋଗମାନଙ୍କର ନିରାକରଣ ପାଇଁ ଏକ ଏକର ପୋଖରୀ ପ୍ରତି CIFAX @ ୪୦୦ ମିଲି ୪୦ ଲିଟର ପାଣି ରେ ମିଶାଇ ବିଶୋଧନ କରନ୍ତୁ । ପ୍ରତି ଦିନ ମାଛ ମାନଙ୍କୁ ତେଲ ପିଡିଆ ଖାଇବାକୁ ଦିଅନ୍ତୁ । | |
| କୁକୁଡା | ❖ ଶୀତ ଋତୁ ରେ କୁକୁଡା ମାନଙ୍କୁ ଅଧିକ ପରିମାଣ ର ଖାଦ୍ୟ ଓ ପାଣି ଦିଅନ୍ତୁ । ତାପମାତ୍ରା ନିୟନ୍ତ୍ରଣ ପାଇଁ କୁକୁଡା ଗୃହ ରେ ୨୦୦ ୱାଟ ର ବଲବ ଲଗାନ୍ତୁ । କୁକୁଡା ମାନଙ୍କୁ ଉଚିତ ସମୟରେ ଟୀକା କରଣ କରନ୍ତୁ । | |

ତୁଷାର ରଞ୍ଜନ ମହାନ୍ତି
ନୋଡାଲ୍ ଅଫିସର,
ଗ୍ରାମୀଣ କୃଷି ମୌସମ ସେବା, ଓ.ୟୁ.ଏ.ଟି

ଅଧିକ୍ଷ, ଗବେଷଣା ନିର୍ଦ୍ଦେଶାଳୟ,
ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ

ଚାଷରେଅଧିକଲାଭବାନହେବାପାଇଁଓୟୁଏଟିକଳିଙ୍ଗଉତ୍ପାଦ (ତାରା,QPM, ଟିସୁ କଲଚର ଗଛ, ଫଳ ଓ ପନିପରିବା, ଯାଅଁଳ,କୁକୁଡା ଚିଆଁ, ଛତୁ, ଛତୁ ମଞ୍ଜି, ଜୈବିକ ସାର, ଜୈବିକ କୀଟନାଶକ, ଜିଆ ଖତ, କୃଷି ଯନ୍ତ୍ରପାତି ଇତ୍ୟାଦି ) ବ୍ୟବହାର କରନ୍ତୁ ।

ଭାରତୀୟପାଣିପାଗବିଭାଗରପୂର୍ବାନୁମାନଓପାଣିପାଗଭିତିକକୃଷିସୂଚନାନିମନ୍ତେଅଧିକବିବରଣୀପାଇଁ MEGHDOOT ମୋବାଇଲ ଆପ ବ୍ୟବହାର କରନ୍ତୁ ।

(Android: https://play.google.com/store/apps/details?id=com.aas.meghdoot)

(iOS: https://apps.apple.com/in/app/meghdoot/id1474048155)